ODISHA POLICE
STATE HEADQUARTERS
CUTTACK.

---

# ପ୍ରେସ୍ ନୋଟ୍
## ତା ୧୮.୧୦.୨୦୨୪

ରାଜ୍ୟ ଆରକ୍ଷୀ ମହାନିର୍ଦ୍ଦେଶକ ଭାବେ ଦାୟିତ୍ୱ ଗ୍ରହଣ କରିବା ପରେ ଶ୍ରୀ ଯୋଗେଶ ବାହାଦୁର ଖୁରାନିଆ ବୌଦ୍ଧ ଏବଂ କନ୍ଧମାଳ ଜିଲ୍ଲା ଗସ୍ତରେ ଯାଇ ଗୁରୁତ୍ୱପୂର୍ଣ୍ଣ ବୈଠକରେ ଯୋଗ ଦେଇଥିଲେ । ଉଭୟ ଜିଲ୍ଲାରେ ଆଇନ ଓ ଶୃଙ୍ଖଳା ପରିସ୍ଥିତି, ମାଓବାଦୀ ସମସ୍ୟା, ଗଞ୍ଜେଇ ଚାଷ ଓ ଚୋରାଚାଲାଣ, ଜିଲ୍ଲାରେ କର୍ମଚାରୀଙ୍କ ସଂଖ୍ୟା ବୃଦ୍ଧି, ଅତୀତରେ ପୋଲିସ ବିଭାଗର ସଫଳତା ଏବଂ ଆଗାମୀ ଦିନରେ ଅପରାଧୀ ତଥା ମାଓବାଦୀଙ୍କ ବିରୋଧରେ ସ୍ୱତନ୍ତ୍ର ରଣନୀତି ସମ୍ପର୍କରେ ବରିଷ୍ଠ ଅଧିକାରୀଙ୍କ ସହ ବିସ୍ତୃତ ଭାବେ ଆଲୋଚନା କରିଛନ୍ତି ।

ଆଜି ପୂର୍ବାହ୍ନରେ ବୌଦ୍ଧ ଜିଲ୍ଲା ପୋଲିସ ମୁଖ୍ୟାଳୟ ପରିସରରେ ଡିଜିପି ଶ୍ରୀ ଖୁରାନିଆଙ୍କ ଅଧ୍ୟକ୍ଷତାରେ ଜିଲ୍ଲାର ଅପରାଧ ସ୍ଥିତି ଏବଂ ନିୟନ୍ତ୍ରଣ ସମ୍ପର୍କରେ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଥିଲା। ଏହି ବୈଠକରେ ଜିଲ୍ଲାର ଥାନାଧିକାରୀଙ୍କଠାରୁ ଆରମ୍ଭ କରି ଏସଡିପିଓ, ଅତିରିକ୍ତ ଏସପି ଏବଂ ମୁଖ୍ୟାଳୟ ପରିସରରେ ଥିବା ବିଭିନ୍ନ ବିଭାଗର ଅଧିକାରୀଗଣ ଉପସ୍ଥିତ ଥିଲେ। ଡିଜିପି ସମସ୍ତ ବିଭାଗର ସମୀକ୍ଷା କରିବା ସହ ଜିଲ୍ଲାକୁ ନକ୍ସଲ ମୁକ୍ତ ତଥା ଗଞ୍ଜେଇ ମୁକ୍ତ କରିବାକୁ ସମସ୍ତ ଅଧିକାରୀଙ୍କୁ ଆହ୍ୱାନ ଦେଇଥିଲେ । ଅତୀତରେ ମାଓବାଦୀ ମୁକାବିଲା କ୍ଷେତ୍ରରେ ଜିଲ୍ଲା ପୋଲିସ ସକ୍ରିୟ ଭୂମିକା ଗ୍ରହଣ କରିଥିଲା। ଆଗାମୀ ଦିନରେ ଏହାକୁ ଆହୁରି ଅଧିକ ତ୍ୱରାନ୍ୱିତ କରାଯିବ ବୋଲି ଡିଜିପି ମତବ୍ୟକ୍ତ କରିଥିଲେ। ଏତଦବ୍ୟତୀତ ଜିଲ୍ଲାରେ ନକ୍ସଲ ସମସ୍ୟାକୁ ପ୍ରତିହତ କରିବାକୁ ସ୍ୱତନ୍ତ୍ର ରଣନୀତି ପ୍ରସ୍ତୁତ କରିବାକୁ ବରିଷ୍ଠ ପୋଲିସ ଅଧିକାରୀ ମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ । ଏହାସହ ଜିଲ୍ଲାରେ ଗଞ୍ଜେଇ ଚାଷ ହେଉଥିବା ଅଞ୍ଚଳକୁ ଚିହ୍ନଟ କରି ସମ୍ପୃକ୍ତ ଅଞ୍ଚଳକୁ ସଂପୂର୍ଣ୍ଣ ନଷ୍ଟ କରିବା ଉପରେ ଡିଜିପି ଗୁରୁତ୍ୱାରୋପ କରିଥିଲେ । ଏହି ଅବସରରେ ଜିଲ୍ଲାରେ ଗଞ୍ଜେଇ ଚୋରା ଚାଲାଣ ଉପରେ ରୋକ ଲଗାଇବାକୁ ସ୍ୱତନ୍ତ୍ର ବ୍ଲୁପ୍ରିଣ୍ଟ ପ୍ରସ୍ତୁତ କରିବାକୁ ସମସ୍ତ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ ।

ଏହି ଅବସରରେ ସେ ଏସଓଜି ଟିମ ଲିଡର, ଡିଭିଏଫ ଯବାନଙ୍କ ସହ ବିଭିନ୍ନ ପ୍ରସଙ୍ଗରେ ଆଲୋଚନା କରିଥିଲେ । ଏଠାରେ ଉଲ୍ଲେଖଯୋଗ୍ୟ ଯେ ଗତକାଲି ଡିଜିପି ଶ୍ରୀ ଖୁରାନିଆ ଘଣ୍ଟପଡା ଥାନା ପରିଦର୍ଶନରେ ଯାଇଥିଲେ । ସେଠାରେ ଅବସ୍ଥାପିତ ଥିବା ବିଏସଏଫ ଯବାନ ମାନଙ୍କ ସହ ବିଭିନ୍ନ ପ୍ରସଙ୍ଗରେ ଆଲୋଚନା କରିଥିଲେ ।

ସୂଚନାଯୋଗ୍ୟ ଯେ, ପୂର୍ବରୁ ଡିଜିପି ଶ୍ରୀ ଖୁରାନିଆ କନ୍ଧମାଳ ଜିଲ୍ଲା ଗସ୍ତରେ ଯାଇଥିଲେ । ସେଠାରେ ବରଖମାସ୍ଥିତ ବିଏସଫ କ୍ୟାମ୍ପ ଏବଂ ସିନ୍ଧିପୋଙ୍କେଲସ୍ଥିତ ସିଆରପିଏଫ କ୍ୟାମ୍ପକୁ ପରିଦର୍ଶନ କରିବା ସହ ପରବର୍ତ୍ତୀ ସମୟରେ ଜିଲ୍ଲା ମୁଖ୍ୟାଳୟରେ ଏକ ସମୀକ୍ଷା ବୈଠକରେ ସାମିଲ ହୋଇଥିଲେ ।

ଡିଜିପିଙ୍କ ଏହି ଗସ୍ତ ସମୟରେ ଆଇଜି (ଅପରେସନ) ଶ୍ରୀ ଜୟନାରାୟଣ ପଙ୍କଜ, ଡିଆଇଜି (ଦକ୍ଷିଣାଞ୍ଚଳ) ଡଃ ସାର୍ଥକ ଷଡଙ୍ଗୀ, ଡିଆଇଜି (ଏସଆଇଡବ୍ଲୁ) ଡଃ କନୱାର ବିଶାଲ ସିଂ, ଏସପି କଳାହାଣ୍ଡି ଶ୍ରୀ ଅବିଲାଶ ଜି., ଏସପି (ବୌଦ୍ଧ) ଶ୍ରୀ ନାଗରାଜ ଦେବରକୋଣ୍ଡା, ଏସପି (କନ୍ଧମାଳ) ଶ୍ରୀ ହରିଶ ବି. ସି. ପ୍ରମୁଖ ଉପସ୍ଥିତ ଥିଲେ ।

ଲୋକ ସମ୍ପର୍କ ଅଧିକାରୀ